ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/WCD(Od)/508/09-09-2025**

# ଯୌତୁକ ନିଷେଧ ଆଇନ ଓ ଘରୋଇ ହିଂସା ଆଇନ ମହିଳାମାନଙ୍କୁ ସୁରକ୍ଷା ଦେବା ସହ ସଶକ୍ତ କରୁଛି
: ଉପମୁଖ୍ୟମନ୍ତ୍ରୀ ଶ୍ରୀମତୀ ପରିଡା

- ଘରୋଇ ହିଂସାରୁ ମହିଳାମାନଙ୍କ ସୁରକ୍ଷା ଅଧିନିୟମ ୨୦୦୫ ଏବଂ  ଯୌତୁକ ନିଷେଧ ଅଧିନିୟମ ୧୯୬୧ ବିଷୟରେ ରାଜ୍ୟସ୍ତରୀୟ ପ୍ରଶିକ୍ଷଣ ଶିବିର ଅନୁଷ୍ଠିତ
- ଯୋଗ ଦେଲେ  ପ୍ରତି ଜିଲ୍ଲାରୁ ଶକ୍ତି ସଦନ, ୱାନ ଷ୍ଟପ ସେଣ୍ଟର ଓ ସୁରକ୍ଷା ଅଧିକାରୀ ଓ ପୋଲିସ ଓ ସ୍ୱେଚ୍ଛାସେବୀ ଅନୁଷ୍ଠାନରୁ ୧୮୦ ଜଣ ପ୍ରତିନିଧିବୃନ୍ଦ
- ବିଶିଷ୍ଟ ଆଇନଜୀବୀ ଶ୍ରୀମତୀ ମାନସୀ ପାଢୀ ଏହି ଆଇନ ବିଷୟରେ ସବିଶେଷ ବିବରଣୀ କଲେ  ଉପସ୍ଥାପନ

ଭୁବନେଶ୍ୱର, ତା ୦୯/୦୯/ ୨୦୨୫ରିଖ

ଯୌତୁକ ନିଷେଧ ଆଇନ ୧୯୬୧ ଓ ଘରୋଇ ହିଂସା ଆଇନ ୨୦୦୫ ଦେଶର ମହିଳାମାନଙ୍କୁ ସୁରକ୍ଷା ଦେବା ସହ ସଶକ୍ତ କରୁଛି ବୋଲି ଉପମୁଖ୍ୟମନ୍ତ୍ରୀ ଶ୍ରୀମତୀ ପ୍ରଭାତୀ ପରିଡା ମତପ୍ରକାଶ କରିଛନ୍ତି । ଆଜି ଲୋକସେବା ଭବନ ସମ୍ମେଳନ କକ୍ଷରେ ମହିଳା ଓ ଶିଶୁ ବିକାଶ ବିଭାଗ ଆନୁକୂଲ୍ୟରେ ଘରୋଇ ହିଂସାରୁ ମହିଳାମାନଙ୍କ ସୁରକ୍ଷା ଅଧିନିୟମ ୨୦୦୫ ଏବଂ ଯୌତୁକ ନିଷେଧ ଅଧିନିୟମ ୧୯୬୧ ବିଷୟରେ ରାଜ୍ୟସ୍ତରୀୟ ପ୍ରଶିକ୍ଷଣ ଶିବିର ଅନୁଷ୍ଠିତ ହୋଇଯାଇଛି । କାର୍ଯ୍ୟକ୍ରମରେ ଉପମୁଖ୍ୟମନ୍ତ୍ରୀ ଶ୍ରୀମତୀ ପରିଡା ମୁଖ୍ୟ ଅତିଥି ଭାବେ ଯୋଗଦେଇ କହିଲେ ଯେ ବିପଦ ସମୟରେ ଯିଏ ପାଖରେ ରହି ଆହା କହେ, ସେ ରକ୍ତସମ୍ପର୍କ ଠାରୁ ବି ଅଧିକ ନିଜର । ଏହି ପରିପ୍ରେକ୍ଷୀରେ ଉପସ୍ଥିତ ସଦସ୍ୟମାନେ ନିଜ ନିଜ ପ୍ରଚେଷ୍ଟାରେ ପ୍ରତି ଜିଲ୍ଲାରେ ୫ ଜଣ ନିଃସହାୟ ମହିଳାଙ୍କ ଜୀବନରେ ନୂତନ ଉର୍ଜା ଓ ଉତ୍ସାହ  ଆଣନ୍ତୁ ବୋଲି ସେ ଆହ୍ୱାନ ଦେଇଥିଲେ । କୁଟୀର ଶିଳ୍ପ ଭଳି ବହୁ କ୍ଷେତ୍ରରେ ମହିଳାମାନଙ୍କ ଅବଦାନ ଆଜି ପୁରୁଷମାନଙ୍କ ଠାରୁ ଅଧିକ । ମହିଳାମାନଙ୍କ ନିରାପତ୍ତା ଓ ସୁରକ୍ଷା, ମହିଳାକୈନ୍ଦ୍ରିକ ଅର୍ଥନୀତି ବିକଶିତ ଓଡ଼ିଶାର ପ୍ରାଥମିକତା ବୋଲି ଉପମୁଖ୍ୟମନ୍ତ୍ରୀ ଶ୍ରୀମତୀ ପରିଡା ଦୃଢ଼ ମତ ରଖିଛନ୍ତି।

କାର୍ଯ୍ୟକ୍ରମରେ ଉପମୁଖ୍ୟମନ୍ତ୍ରୀ ଶ୍ରୀମତୀ ପରିଡା ତୃଣମୂଳସ୍ତରରେ ମହିଳା ସୁରକ୍ଷା କେସ ସହ ଜଡ଼ିତ ଆହ୍ୱାନଗୁଡିକ ବିଷୟରେ ପ୍ରତିନିଧିମାନଙ୍କ ସହ ସିଧାସଳଖ ଆଲୋଚନା କରିଥିଲେ ।

ଏହି କାର୍ଯ୍ୟକ୍ରମରେ ମହିଳା ଓ ଶିଶୁ ବିକାଶ ବିଭାଗ ପ୍ରମୁଖ ଶାସନ ସଚିବ ଶ୍ରୀମତୀ ଶୁଭା ଶର୍ମା ଯୌତୁକ ନିଷେଧ ଆଇନ ୧୯୬୧ ଓ ଘରୋଇ ହିଂସା ଆଇନ ୨୦୦୫ ର ଆବଶ୍ୟକତା ବିଷୟରେ ଆଲୋଚନା କରିବା ସହ ସେ ସମ୍ପର୍କିତ ମହିଳା ଓ ଶିଶୁ ବିକାଶ ବିଭାଗର ଯୋଜନା ଓ କାର୍ଯ୍ୟକାରିତା ଉପରେ ମଧ୍ୟ ଆଲୋକପାତ କରିଥିଲେ ।

କାର୍ଯ୍ୟକ୍ରମରେ ମହିଳା ଓ ଶିଶୁ ବିକାଶ ବିଭାଗ ପ୍ରମୁଖ ଶାସନ ସଚିବ ଶ୍ରୀମତୀ ଶୁଭା ଶର୍ମା,  ବିଭାଗୀୟ ନିର୍ଦ୍ଦେଶିକା ମୋନିଷା ବାନାର୍ଜୀ ଓ ଅତିରିକ୍ତ ଶାସନ ସଚିବ ଶ୍ରୀମତୀ ସୁମିତ୍ରା ପଟ୍ଟନାୟକ ପ୍ରମୁଖ ଯୋଗଦେଇଥିଲେ । ପ୍ରତି ଜିଲ୍ଲାର ଶକ୍ତି ସଦନ, ୱାନ ଷ୍ଟପ ସେଣ୍ଟର, ପୋଲିସ ପ୍ରଶାସନିକ, ସୁରକ୍ଷା ଅଧିକାରୀ ଓ ସ୍ୱେଚ୍ଛାସେବୀ ଅନୁଷ୍ଠାନର ୧୮୦ ଜଣ ପ୍ରତିନିଧିବୃନ୍ଦ ଏହି କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିଥିଲେ ।

ଏହି ଅବସରରେ 'ଆଇନଗତ ଢାଞ୍ଚା ଏବଂ ସୁରକ୍ଷା ଅଧିକାରୀଙ୍କ ଭୂମିକା', 'DIR ଦାଖଲ, କୋର୍ଟ ସମନ୍ୱୟ ଏବଂ ରିପୋର୍ଟିଂ ବ୍ୟବସ୍ଥା ସମ୍ପର୍କରେ', 'ତ୍ରୁସ୍ତରୀୟ ଆହ୍ୱାନ ଏବଂ ସମନ୍ୱୟ ମଡେଲ, ପୋଲିସର ଭୂମିକା ଏବଂ ସେବା  ପ୍ରଦାନକାରୀଙ୍କ ଭୂମିକା', 'ଯୌତୁକ ନିଷେଧ ଆଇନର ସାରାଂଶ, ମୁଖ୍ୟ ବ୍ୟବସ୍ଥା ଏବଂ ଦଣ୍ଡ ବିଧାନ ସମ୍ବନ୍ଧରେ', 'ଆଇନର  ଅଭିଯୋଗ ପରିଚାଳନା, ତଦନ୍ତ ଏବଂ ସମନ୍ୱୟ' ଏବଂ  'ପିଡବ୍ଲୁଡ଼ିଭିଏ ଓ ଡିପି ନିୟମର ଓଭରଲାପିଙ୍ଗ ମାମଲା' ଆଦି ୬ଟି ଅଧିବେଶନରେ ବିଶିଷ୍ଟ ଆଇନଜୀବୀ ଶ୍ରୀମତୀ ମାନସୀ ପାଢୀ  ସୂଚନା ଉପସ୍ଥାପନ କରିବା ସହ ବିଶଦ ବିବରଣୀ ରଖିଥିଲେ। ଶେଷରେ ବିଭାଗୀୟ ଅତିରିକ୍ତ ସଚିବ ଶ୍ରୀମତୀ ସୁମିତ୍ରା ପଟ୍ଟନାୟକ ଧନ୍ୟବାଦ ଅର୍ପଣ କରିଥିଲେ ।

ତନୁଜା ମହାନ୍ତି
ଲୋକସମ୍ପର୍କ ଅଧିକାରୀ